# ପଦାର୍ଥ ବିଜ୍ଞାନ ବିଭାଗର ଆଲୋଚନାଚକ୍ର



କଟକ, ୬।୨ (ନି.ପ୍ର): ରାଜାବଗିଚା ସ୍ଥିତ ନେତାଜୀ ସୁଭାଷ ସ୍ମାରକୀ ସିଟି ମହାବିଦ୍ୟାଳୟରେ ପଦାର୍ଥ ବିଜ୍ଞାନ ପକ୍ଷରୁ କ୍ୱାଣ୍ଟମ ପ୍ରଯୁକ୍ତିବିଦ୍ୟା' ସମ୍ପର୍କିତ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି । ଏହି ଆଲୋଚନାଚକ୍ରକୁ ଅଧ୍ୟକ୍ଷା ଡ.ରୀନା ଘଡ଼େଇ ଉଦ୍‌ଘାଟନ କରିଥିଲେ । କିଟ୍ ବିଶ୍ୱବିଦ୍ୟାଳୟର ପଦାର୍ଥ ବିଜ୍ଞାନ ପ୍ରଫେସର ଡ. ଲଲାଟେନ୍ଦୁ ବିଶ୍ୱାଳ ବିଷୟ ବିଶେଷଜ୍ଞ ଭାବରେ ଯୋଗ ଦେଇ ବିଷୟବସ୍ତୁର ବିଭିନ୍ନ ଦିଗ ସମ୍ପର୍କରେ ଛାତ୍ରଛାତ୍ରୀଙ୍କୁ ବୁଝାଇଥିଲେ । ବିଭାଗ ମୁଖ୍ୟ ପ୍ରାଧ୍ୟାପିକା ସୁଜାତା ସ୍ୱପ୍ନା ନାୟକ ସ୍ୱାଗତ ଭାଷଣ ଦେଇଥିଲେ । ଅଧ୍ୟାପକ ଦୀପକ କୁମାର ସିଂହ ଅତିଥି ପରିଚୟ ପ୍ରଦାନ କରିଥିଲେ । ଏହି ଆଲୋଚନା ସଭାରେ ବିଭାଗର ଛାତ୍ରଛାତ୍ରୀଙ୍କ ସମେତ ଅଧ୍ୟାପକ ବିଦ୍ୟାଧର ବାରିକ ଓ କୈଳାସ ଚନ୍ଦ୍ର ବେହେରା ପ୍ରମୁଖ ଯୋଗଦେଇଥିଲେ । ଅଧ୍ୟାପକ ଦୀପକ ରଞ୍ଜନ ଓଝା ଧନ୍ୟବାଦ ଅର୍ପଣ କରିଥିଲେ ।